ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୨୦୭ରେ ପହଞ୍ଚିଲା - ସୁସ୍ଥ ହେଲେ ୨୦ଜଣ ।

ଅନୁଗୋଳ, ତା.୧୦.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୧୦ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ୧ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୦ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୬ ଲକ୍ଷ ୧୮ ହଜାର ୪୨୯ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୮୩ ତା. ୧୦.୦୯.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ